ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# ରାଜ୍ୟର ସମସ୍ତ ପ୍ରାଣୀ ଉଦ୍ୟାନ ଏବଂ
# ପରିବେଶ ପର୍ଯ୍ୟଟନସ୍ଥଳୀଗୁଡ଼ିକ ମାର୍ଚ୍ଚ ୩୧ ପର୍ଯ୍ୟନ୍ତ ବନ୍ଦ ରହିବ

ଭୁବନେଶ୍ୱର : ୧୯ ମାର୍ଚ୍ଚ,୨୦୨୦

ସମ୍ଭାବ୍ୟ କୋରୋନା ପରିସ୍ଥିତିରେ ସତର୍କତାମୂଳକ ପଦକ୍ଷେପସ୍ୱରୂପ ଭିତରକନିକା ପ୍ରାକୃତିକ ଅଭୟାରଣ୍ୟ ଏବଂ ଜଙ୍ଗଲ ଓ ପରିବେଶ ବିଭାଗ ଦ୍ୱାରା ପରିଚାଳିତ ରାଜ୍ୟର ସମସ୍ତ ପରିବେଶ ପର୍ଯ୍ୟଟନସ୍ଥଳୀର ରାତ୍ର ରହଣୀ ବ୍ୟବସ୍ଥାର ବୁକିଂ ମାର୍ଚ୍ଚ ୩୧ ତାରିଖ ପର୍ଯ୍ୟନ୍ତ ରଦ୍ଦ କରାଯାଇଛି । ପରିବେଶ ପର୍ଯ୍ୟଟନସ୍ଥଳୀଗୁଡ଼ିକର ଦିନ ଭ୍ରମଣ ବ୍ୟବସ୍ଥାକୁ ମଧ୍ୟ ସାମୟିକ ଭାବେ ସ୍ଥଗିତ ରଖାଯାଇଛି । ଏହି ସମୟ ମଧ୍ୟରେ ବୁକିଂ କରିଥିବା ସମସ୍ତ ପର୍ଯ୍ୟଟକଙ୍କୁ ଶତପ୍ରତିଶତ ଅଗ୍ରୀମ ଅର୍ଥ ଫେରସ୍ତ ଦିଆଯିବ । ରାଜ୍ୟର ସମସ୍ତ ପ୍ରାଣୀ ଉଦ୍ୟାନ ଜନସାଧାରଣଙ୍କ ନିମନ୍ତେ ବର୍ତ୍ତମାନ ପାଇଁ ବନ୍ଦ ରହିବ । ସେହିଭଳି ଭୁବନେଶ୍ୱରସ୍ଥିତ ଜୟଦବ ବାଟିକାକୁ ମଧ୍ୟ ମାର୍ଚ୍ଚ ୩୧ ତାରିଖ ପର୍ଯ୍ୟନ୍ତ ବନ୍ଦ କରାଯାଇଛି । ଭୁବନେଶ୍ୱର ଆଞ୍ଚଳିକ ଉଦ୍ଭିଦ ଗବେଷଣା କେନ୍ଦ୍ରସ୍ଥିତ ବଟାନିକାଲ୍ ଗାର୍ଡେନ୍ ସର୍ବସାଧାରଣଙ୍କ ପାଇଁ ବର୍ତ୍ତମାନ ପ୍ରତ୍ୟହ ଦିନ ୨ଟା ପରେ ବନ୍ଦ ରହିବ ବୋଲି ଜଙ୍ଗଲ ଓ ପରିବେଶ ବିଭାଗ ତରଫରୁ ସୂଚନା ଦିଆଯାଇଛି ।

ସୁଚେତା ପ୍ରିୟଦର୍ଶିନୀ
ସୂଚନା ଅଧିକାରୀ